# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 25 December - 2024

### News Editor : Itishree Singh Rathaur

*************************************************************

## ମୁଖ୍ୟ ସମ୍ବାଦ

- ପୂର୍ବତନ ପ୍ରଧାନମନ୍ତ୍ରୀ ଅଟଳ ବିହାରୀ ବାଜପେୟୀଙ୍କ ଜନ୍ମ ଶତବାର୍ଷିକୀ ଅବସରରେ ଦେଶବ୍ୟାପୀ ପାଳନ କରାଯାଉଛି ସୁଶାସନ ଦିବସ
- ରାଜ୍ୟରେ ସୁଶାସନ ପାଇଁ ସରକାର ନିରନ୍ତର କାର୍ଯ୍ୟ କରୁଛନ୍ତି; କହିଲେ, ମୁଖ୍ୟମନ୍ତ୍ରୀ
- ଓଡ଼ିଶାକୁ ୨୦୨୫ ମସିହା ସୁଦ୍ଧା ଯକ୍ଷ୍ମା ମୁକ୍ତ କରିବା ପାଇଁ ସରକାର ପ୍ରତିଶ୍ରୁତିବଦ୍ଧ; କହିଲେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ
- ବିପର୍ଯ୍ୟୟ ପ୍ରବଣ ଅଞ୍ଚଳରେ ବାସହୀନଙ୍କୁ ବାତ୍ୟା-ବନ୍ୟା ନିରୋଧି ଗୃହ ଯୋଗାଇ ଦିଆଯିବ; କହିଲେ, ରାଜସ୍ୱ ମନ୍ତ୍ରୀ
- ଆନନ୍ଦ ଉଲ୍ଲାସର ସହ ଖ୍ରୀଷ୍ଟଧର୍ମାବଲମ୍ବୀମାନେ ପାଳନ କରୁଛନ୍ତି **ବଡ଼ଦିନ**; ବିଭିନ୍ନ ଚର୍ଚ୍ଚରେ ସମୂହ ପ୍ରାର୍ଥନା

ଏବଂ

- ଲଘୁଚାପର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ଲଗାଣ ବର୍ଷା

# ସୁଶାସନ ଦିବସ

ପୂର୍ବତନ ପ୍ରଧାନମନ୍ତ୍ରୀ ଅଟଳବିହାରୀ ବାଜପେୟୀଙ୍କ ଜନ୍ମ ଶତବାର୍ଷିକୀ ଅବସରରେ ଆଜି ଦେଶବ୍ୟାପୀ ସୁଶାସନ ଦିବସ ପାଳନ କରାଯାଉଛି । ଦେଶବାସୀଙ୍କୁ ସ୍ୱଚ୍ଛ ଶାସନ ସମ୍ପର୍କରେ ସଚେତନତା ସୃଷ୍ଟି କରିବା ଉଦ୍ଦେଶ୍ୟରେ ଏହି ଦିବସ ପାଳନ କରାଯାଉଛି । ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଆଜି ନୂଆଦିଲ୍ଲୀସ୍ଥିତ ସ୍ୱର୍ଗତ ବାଜପେୟୀଙ୍କ ସମାଧିସ୍ଥଳ 'ସଦୈବ ଅଟଳ'ରେ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ସୁଶାସନ ଦିବସ ଅବସରରେ ମଧ୍ୟପ୍ରଦେଶଠାରେ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେବେ ବୋଲି ଜଣାପଡିଛି।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପୂର୍ବତନ ପ୍ରଧାନମନ୍ତ୍ରୀ ତଥା ମହାନ୍ ଜନନେତା ଅଟଳ ବିହାରୀ ବାଜପେୟୀଙ୍କୁ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି, ଶ୍ରୀ ବାଜପେୟୀଙ୍କ ଆଦର୍ଶକୁ ପାଥେୟ କରି ରାଜ୍ୟ ସରକାର ସୁଶାସନ ମାଧ୍ୟମରେ ସମସ୍ତ ସାମାଜିକ ଓ ଆର୍ଥିକ ଉନ୍ନତିକୁ ନିଶ୍ଚିତ କରିବା ପାଇଁ ପ୍ରତିଶ୍ରୁତିବଦ୍ଧ। **କେନ୍ଦ୍ରମନ୍ତ୍ରୀ** ଧର୍ମେନ୍ଦ୍ର ପ୍ରଧାନ ମଧ୍ୟ ସ୍ୱର୍ଗତ ବାଜପେୟୀଙ୍କୁ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି। ଏହି ପରିପ୍ରେକ୍ଷୀରେ ସୂଚନା ଓ ଲୋକସଂପର୍କ ବିଭାଗ ପକ୍ଷରୁ ଆଜି ସକାଳେ ଭୁବନେଶ୍ୱରସ୍ଥିତ ଅଖିଳ ଭାରତୀୟ ଆୟୁର୍ବିଜ୍ଞାନ ପ୍ରତିଷ୍ଠାନ-ଏମ୍ସଠାରେ ବାଜପେୟୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଛି। ରାଜ୍ୟର ବିଭିନ୍ନ ସ୍ଥାନରେ ସୁଶାସନ ଦିବସ ଅବସରରେ କାର୍ଯ୍ୟକ୍ରମମାନ ଆୟୋଜନ କରାଯାଉଛି ।

୧୯୨୪ ମସିହା ଆଜିର ଦିନରେ ଅଟଳ ବିହାରୀ ବାଜପେୟୀ ମଧ୍ୟପ୍ରଦେଶର ଗ୍ୱାଲିୟର୍‌ଠାରେ ଜନ୍ମ ଗ୍ରହଣ କରିଥିଲେ । ସେ ତିନିଥର ଭାରତର ପ୍ରଧାନମନ୍ତ୍ରୀ ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ। ତାଙ୍କର ପ୍ରଧାନମନ୍ତ୍ରିତ୍ୱ ସମୟରେ ଦେଶର ଆର୍ଥିକ ନୀତିକୁ ସଶକ୍ତ କରାଯିବା ସହିତ ମୌଳିକ ଢାଞ୍ଚାଗତ ପ୍ରକଳ୍ପ ଗୁଡ଼ିକ ସମେତ ଜାତୀୟ ରାଜପଥ ଏବଂ ଗ୍ରାମାଞ୍ଚଳର ସଡ଼କପଥର ଅନେକ ବିକାଶ ହୋଇପାରିଥିଲା । ଅଟଳ ବିହାରୀ ବାଜପେୟୀଙ୍କ ନେତୃତ୍ୱରେ ଭାରତ ସଫଳତାର ସହ 'ପୋଖରନ୍-୨' ପରମାଣୁ ପରୀକ୍ଷା କରିବା ପରେ ୧୯୯୮ ମସିହାରେ ଏକ ପରମାଣୁ ଶକ୍ତିସମ୍ପନ୍ନ ଦେଶ ଭାବେ ଭାରତ ନିଜକୁ ଗଢ଼ିତୋଳିଥିଲା ।

## ମୁଖ୍ୟମନ୍ତ୍ରୀ-ସୁଶାସନ ଦିବସ

ବାଜପେୟୀଙ୍କ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ସରକାର ରାଜ୍ୟରେ ସୁଶାସନ ଦେବା ପାଇଁ ନିରନ୍ତର କାର୍ଯ୍ୟ କରୁଛନ୍ତି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ରାଜ୍ୟ ବିଜେପି କାର୍ଯ୍ୟାଳୟରେ ସୁଶାସନ ଦିବସ ପାଳନ ଅବସରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ସ୍ୱର୍ଗତ ବାଜପେୟୀଙ୍କର ଦେଶପ୍ରତି ଅତୁଳନୀୟ ଅବଦାନ ରହିଛି। ରାଜ୍ୟ ସରକାର ସବୁବେଳେ ଲୋକାଭିମୁଖୀ କାର୍ଯ୍ୟ ଉପରେ ଗୁରୁତ୍ୱ ଦେଉଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି, ଆସନ୍ତା ମାସ ଶେଷ ସୁଦ୍ଧା ସୁଭଦ୍ରା ଯୋଜନାର ପ୍ରଥମ କିସ୍ତିର ଚତୁର୍ଥ ପର୍ଯ୍ୟାୟ ସହାୟତାରାଶି ପ୍ରଦାନ ସହ ରାଜ୍ୟର ୧ କୋଟି ମହିଳାଙ୍କୁ ଏହି ଯୋଜନାରେ ସାମିଲ କରାଯିବ।

## ଟିବିମୁକ୍ତ ଭାରତ

ଓଡ଼ିଶାକୁ ୨୦୨୫ ମସିହା ସୁଦ୍ଧା ଯକ୍ଷ୍ମାମୁକ୍ତ କରିବା ପାଇଁ ସରକାର ପ୍ରତିଶ୍ରୁତିବଦ୍ଧ ବୋଲି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି। **ସମ୍ବଲପୁର** ଜିଲ୍ଲା ସ୍ୱାସ୍ଥ୍ୟ ସମିତି ପକ୍ଷରୁ ଆୟୋଜିତ ଟିବିମୁକ୍ତ ଭାରତ ଅଭିଯାନକୁ କେନ୍ଦ୍ରମନ୍ତ୍ରୀ ଉଦ୍‌ଘାଟନ କରି କହିଛନ୍ତି, ରାଜ୍ୟରେ ଯକ୍ଷ୍ମା ରୋଗର ଦୂରୀକରଣ କ୍ଷେତ୍ରରେ ସ୍ୱାସ୍ଥ୍ୟକର୍ମୀ ଓ ଆଶାକର୍ମୀଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ଯକ୍ଷ୍ମା ରୋଗର ନିରାକରଣ ପାଇଁ ପୁଷ୍ଟିକର ଖାଦ୍ୟ, ସଠିକ୍ ସମୟରେ ରୋଗ ନିରୂପଣ ଏବଂ ନମୁନା ସଂଗ୍ରହ ଉପରେ କେନ୍ଦ୍ରମନ୍ତ୍ରୀ ଗୁରୁତ୍ୱାରୋପ କରିଛନ୍ତି।

କାର୍ଯ୍ୟକ୍ରମରେ କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ କହିଛନ୍ତି....

# - V/O -

ଶ୍ରୀ ପ୍ରଧାନ ସମ୍ବଲପୁର ଜିଲ୍ଲାକୁ ପୋଷ୍ୟ ଭାବେ ଗ୍ରହଣ କରିବା ସହ ୧୨ ହଜାର ୧୮୦ ପୁଷ୍ଟି କିଟ୍ ପ୍ରଦାନ କରିଛନ୍ତି। ଏହା ସହ ଦୁଇଟି ଟିବି ସଚେତନତା ରଥର ଶୁଭାରମ୍ଭ ଏବଂ ଏକ ଲିଫ୍‌ଲେଟ୍‌ର ଉନ୍ମୋଚନ କରିଛନ୍ତି। ଯକ୍ଷ୍ମାରୁ ସୁସ୍ଥ ହୋଇଥିବା ବ୍ୟକ୍ତି ଏବଂ ନିକ୍ଷୟ ମିତ୍ରଙ୍କୁ କେନ୍ଦ୍ରମନ୍ତ୍ରୀ ସମ୍ବର୍ଦ୍ଧିତ କରିଛନ୍ତି।

## କୃଷି ଯନ୍ତ୍ରପାତି ମେଳା

**ସମ୍ବଲପୁର** ପିଏଚ୍‌ଡି ପଡିଆରେ ଆୟୋଜିତ କୃଷି ଯନ୍ତ୍ରପାତି ମେଳା ଉଦ୍‌ଯାପିତ ହୋଇଛି। ଏଥିରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଯୋଗ ଦେଇ ନୂତନ ଯନ୍ତ୍ରପାତିର ବ୍ୟବହାର କରି ଅଧିକ ଫସଲ ଅମଳ ନେଇ ଆଲୋଚନା

କରିଥିଲେ। କାର୍ଯ୍ୟକ୍ରମରେ ଅନେକ ଉନ୍ନତମାନର କୃଷି ଯନ୍ତ୍ରପାତି ପ୍ରଦର୍ଶିତ ହୋଇଛି।

## ପ୍ରସ୍ତୁତି ବୈଠକ ରାଜସ୍ୱମନ୍ତ୍ରୀ

ରାଜ୍ୟରେ ବାତ୍ୟାନିରୋଧି ଗୃହ ନିର୍ମାଣ ସମ୍ପର୍କିତ ପ୍ରସ୍ତୁତି ବୈଠକ ରାଜସ୍ୱମନ୍ତ୍ରୀ ସୁରେଶ ପୂଜାରୀଙ୍କ ଅଧ୍ୟକ୍ଷତାର ଅନୁଷ୍ଠିତ ହୋଇଛି। ବୈଠକରେ ମନ୍ତ୍ରୀ ପ୍ରାକୃତିକ ବିପର୍ଯ୍ୟୟପ୍ରବଣ ଅଞ୍ଚଳରେ ବାସହୀନଙ୍କୁ ବାତ୍ୟା-ବନ୍ୟାନିରୋଧି ଗୃହ ଯୋଗାଇବା ଉପରେ ଗୁରୁତ୍ୱାରୋପ କରିଛନ୍ତି। ଶ୍ରୀ ପୂଜାରୀ କହିଛନ୍ତି, ସମୁଦ୍ରକୂଳ ଅଞ୍ଚଳରେ ଜମିଜମାର ଚିହ୍ନଟ କାର୍ଯ୍ୟ ଆରମ୍ଭ ହୋଇଛି। ପରବର୍ତ୍ତୀ ସମୟରେ ବାତ୍ୟାକୁ ପ୍ରତିରୋଧ କରିବା ପାଇଁ ସରକାରୀ ଯାଗାରେ ଆବଶ୍ୟକତା ଅନୁଯାୟୀ, ହେନ୍ତାଳବଣ ସୃଷ୍ଟି କରାଯିବ।  ବୈଠକରେ ସ୍ୱତନ୍ତ୍ର ରିଲିଫ କମିଶନର ଦେଓରଞ୍ଜନ କୁମାର ସିଂଙ୍କ ସମେତ ଅନ୍ୟ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ।

## ସିସିଟିଭି କାର୍ଯ୍ୟକ୍ଷମ

ରାଜ୍ୟର ସମସ୍ତ ଥାନା ଏବଂ ଫାଣ୍ଡିରେ ୨୦୨୫ ମାର୍ଚ୍ଚ ୩୧ ତାରିଖ ସୁଦ୍ଧା ସିସିଟିଭି ବ୍ୟବସ୍ଥା କାର୍ଯ୍ୟକ୍ଷମ କରାଇବାକୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ମୁଖ୍ୟ ବିଚାରପତି ଚକ୍ରଧାରୀ ଶରଣ ସିଂ ଓ ବିଚାରପତି ସାବିତ୍ରୀ ରଥଙ୍କୁ ନେଇ ଗଠିତ ଖଣ୍ଡପୀଠ ଏକ ମାମଲାର ରାୟ ପ୍ରକାଶ କରି ଏହି ଆଦେଶ ଦେଇଛନ୍ତି। ସିସିଟିଭିକୁ ସେଣ୍ଟ୍ରାଲ ମନିଟରିଂ ସିଷ୍ଟମ୍ ଏବଂ ଭିଡିଓ ମ୍ୟାନେଜମେଣ୍ଟ ସିଷ୍ଟମ୍‌ରେ ଯୋଡିବା କାର୍ଯ୍ୟ ମଧ୍ୟ ନିର୍ଦ୍ଧାରିତ ସମୟ ମଧ୍ୟରେ ଶେଷ କରିବାକୁ ଖଣ୍ଡପୀଠ ନିର୍ଦ୍ଦେଶ ଦେଇଛନ୍ତି।

## ସମବାୟ ସମିତିଗୁଡ଼ିକର ଶୁଭାରମ୍ଭ

ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଆଜି ଅପରାହ୍ଣରେ ମୁଖ୍ୟମନ୍ତ୍ରୀ ନୂତନ ଭାବେ ଗଠିତ ବହୁମୁଖୀ ପ୍ରାଥମିକ କୃଷି ସମବାୟ ସମିତିଗୁଡ଼ିକର ଶୁଭାରମ୍ଭ କରିବେ। ଏହି କାର୍ଯ୍ୟକ୍ରମରେ ସମବାୟ ମନ୍ତ୍ରୀ ପ୍ରଦୀପ ବଳସାମନ୍ତ ମଧ୍ୟ ଉପସ୍ଥିତ ରହିବେ।

## ଜନଅଭିଯୋଗ

ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଆସନ୍ତା ୩୦ ତାରିଖ ସୋମବାର ଦିନ ଅନୁଷ୍ଠିତ ହେବ । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଭୁବନେଶ୍ୱର ୟୁନିଟ୍-୫ ସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ଜନଅଭିଯୋଗ ଶୁଣାଣି କରିବେ । ଅଭିଯୋଗ ଶୁଣାଣି ପାଇଁ ଅନ୍‌ଲାଇନ୍ ପଞ୍ଜୀକରଣ ଆଜି ପୂର୍ବାହ୍ନ ୧୧ଟା ଠାରୁ ଆରମ୍ଭ ହୋଇଛି । ମୋଟ୍ ୧ ହଜାର ଜଣ ଅଭିଯୋଗ ଶୁଣାଣି ପାଇଁ ପଞ୍ଜୀକରଣ କରିପାରିବେ । ଅନ୍‌ଲାଇନ୍ ମାଧ୍ୟମରେ **janasunani.odisha . gov.in** ରେ ପଞ୍ଜୀକରଣ କରିପାରିବେ ।

## ଯକ୍ଷ୍ମା ନିରାକରଣ

ଦେଶରୁ ୨୦୨୫ ମସିହା ସୁଦ୍ଧା ଯକ୍ଷ୍ମା ରୋଗର ମୂଳୋତ୍ପାଟନ ପାଇଁ ସରକାରଙ୍କ ପକ୍ଷରୁ ବିଭିନ୍ନ ଯୋଜନା କାର୍ଯ୍ୟକାରୀ ହେଉଛି। **କନ୍ଧମାଳ** ଜିଲ୍ଲାକୁ ଯକ୍ଷ୍ମାମୁକ୍ତ କରିବା ପାଇଁ ୧୦୦ ଦିନିଆ ଯକ୍ଷ୍ମା ନିରାକରଣ

ଅଭିଯାନ ଆରମ୍ଭ ହୋଇଛି। ତୃଣମୂଳସ୍ତରରେ ଆଶା ଓ ସ୍ୱାସ୍ଥ୍ୟକର୍ମୀମାନେ ରୋଗୀଙ୍କ ନମୂନା ସଂଗ୍ରହ ସହ ଜନସାଧାରଣଙ୍କୁ ସଚେତନ କରାଉଛନ୍ତି।

ଏ ସମ୍ପର୍କରେ **କନ୍ଧମାଳ** ଜିଲ୍ଲା ମୁଖ୍ୟ ସ୍ୱାସ୍ଥ୍ୟ ଅଧିକାରୀ **ସନ୍ତୋଷ ଷଡଙ୍ଗୀ** ଆକାଶବାଣୀକୁ କହିଛନ୍ତି...

# - V/O –

## ବଡଦିନ

ଦେଶ ତଥା ରାଜ୍ୟର ବିଭିନ୍ନ ସ୍ଥାନରେ ଆଜି ଆନନ୍ଦ ଓ ଉଲ୍ଲାସର ସହ ବଡଦିନ ପର୍ବ ପାଳନ କରାଯାଉଛି । ଖ୍ରୀଷ୍ଟଧର୍ମର ପ୍ରବର୍ତ୍ତକ ପ୍ରଭୁ ଯୀଶୁଖ୍ରୀଷ୍ଟ ଆଜିର ଦିନରେ ଧରାବତରଣ କରିଥାନ୍ତି ବୋଲି ବିଶ୍ୱାସ ରହିଛି । ଏହି ଅବସରରେ ବାପିଷ୍ଟ୍ ଓ କ୍ୟାଥୋଲିକ୍ ଚର୍ଚ୍ଚରେ ସମୂହ ପ୍ରାର୍ଥନା କରାଯାଉଛି ।

ପବିତ୍ର ବଡ଼ଦିନ ଉପଲକ୍ଷେ ଖ୍ରୀଷ୍ଟ ଧର୍ମାବଲମ୍ବୀମାନଙ୍କୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଅଭିନନ୍ଦନ ଜଣାଇ ଏକ ବିକଶିତ ଓଡ଼ିଶା ଗଠନରେ ସମସ୍ତଙ୍କର ସହଯୋଗ କାମନା କରିଛନ୍ତି ।

ବଡ଼ଦିନ ଅବସରରେ ପୁରୀ ବେଳାଭୂମିରେ ବିଶ୍ୱର ସର୍ବବୃହତ୍ ବାଲୁକାକଳା ଆନ୍ତର୍ଜାତିକ ବାଲୁକା ଶିଳ୍ପୀ ସୁଦର୍ଶନ ପଟ୍ଟନାୟକଙ୍କ ଦ୍ୱାରା ପ୍ରଦର୍ଶିତ କରାଯାଇଛି।

## ପରଲୋକ

କଳାହାଣ୍ଡି ଜିଲ୍ଲା ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ସଞ୍ଜୀୟ କମାର ଶତପଥୀଙ୍କ ଆଜି ପରଲୋକ ହୋଇଛି। ଭୁବନେଶ୍ୱରର ଏକ ଘରୋଇ ଡାକ୍ତରଖାନାରେ ଚିକିତ୍ସିତ ଅବସ୍ଥାରେ ଆଜି ସକାଳେ ତାଙ୍କର ପରଲୋକ ହୋଇଥିବା ନେଇ ଆମ ସମ୍ବାଦଦାତା ସୂଚନା ଦେଇଛନ୍ତି। ଗତ ଅକ୍ଟୋବର ମାସରୁ ସେ କର୍କଟ ରୋଗରେ ଆକ୍ରାନ୍ତ ହୋଇ ଚିକିତ୍ସିତ ହେଉଥିଲେ।

## ପାଣିପାଗ

ଦକ୍ଷିଣ ପଶ୍ଚିମ ସଂଲଗ୍ନ ପଶ୍ଚିମ କେନ୍ଦ୍ରୀୟ ବଙ୍ଗୋପସାଗରରେ ସକ୍ରିୟ ଲଘୁଚାପର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗି ରହିଛି । ଗତ ୨୪ ଘଣ୍ଟା ମଧ୍ୟରେ ଖୋର୍ଦ୍ଧା ଜିଲ୍ଲା ଟାଙ୍ଗିଠାରେ ସର୍ବାଧିକ ୭୪ ମିଲିମିଟର ବର୍ଷା ହୋଇଛି। ଲଘୁଚାପ ପ୍ରଭାବରେ ଆଜି କଟକ-ଭୁବନେଶ୍ୱର ସହ ୯ଟି ଜିଲ୍ଲାରେ ପ୍ରବଳ ବର୍ଷା ନେଇ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

## ରତ୍ନଭଣ୍ଡାର

ନୂଆବର୍ଷ ଏବଂ ଛୁଟିଦିନ ପାଇଁ ଆଜିଠାରୁ ଜାନୁଆରୀ ୨ ତାରିଖ ପର୍ଯ୍ୟନ୍ତ ପୁରୀ ଶ୍ରୀମନ୍ଦିରର ରତ୍ନଭଣ୍ଡାର ମରାମତି କାମ ସ୍ଥଗିତ ରଖାଯାଇଛି । ରାଜ୍ୟ ସରକାରଙ୍କର ମାର୍ଗଦର୍ଶିକା ଅନୁସାରେ ଆସନ୍ତା ମାସ ୩ ତାରିଖରୁ ପୁଣିଥରେ ରତ୍ନଭଣ୍ଡାର ମରାମତି କାମ ଆରମ୍ଭ ହେବ ବୋଲି ଶ୍ରୀମନ୍ଦିର ମୁଖ୍ୟପ୍ରଶାସକ ଅରବିନ୍ଦ ପାଢ଼ୀ କହିଛନ୍ତି । ଅନ୍ୟପକ୍ଷରେ ଏହି ସମୟରେ ଶ୍ରୀମନ୍ଦିରକୁ ବହୁସଂଖ୍ୟାରେ ଶ୍ରଦ୍ଧାଳୁଙ୍କ ଆଗମନକୁ ଦୃଷ୍ଟିରେ ରଖି ଆସନ୍ତା

୨୮ କିମ୍ବା ୨୯ ତାରିଖରେ ନାଟମଣ୍ଡପରେ ପରୀକ୍ଷାମୂଳକ ଭାବେ ଧାଡ଼ିଦର୍ଶନ ବ୍ୟବସ୍ଥା କାର୍ଯ୍ୟକାରୀ କରାଯିବ। ଦର୍ଶନ ବ୍ୟବସ୍ଥାକୁ ସୁଚାରୁରୂପେ ସମ୍ପାଦନ କରିବା ପାଇଁ ସ୍ୱତନ୍ତ୍ର ମାର୍ଗଦର୍ଶିକା ଜାରି କରାଯିବା ନେଇ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଶ୍ରୀ ପାଢ଼ୀ କହିଛନ୍ତି।

*********************************